
# ସୁଭାଷ ଶତପଥୀ ପାଇବେ କେନ୍ଦ୍ର ସାହିତ୍ୟ ଏକାଡେମୀ ଅନୁବାଦ ପୁରସ୍କାର






**ଭୁବନେଶ୍ୱର,୦୭/୦୩**
**ନ୍ୟୁଜ ବ୍ୟୁରୋ**

ଶୁକ୍ରବାର ବିଭିନ୍ନ ଭାଷାର ୨୧ଟି ଅନୁବାଦ ପୁସ୍ତକ ପାଇଁ କେନ୍ଦ୍ର ସାହିତ୍ୟ ଏକାଡେମୀ ପକ୍ଷରୁ ମର୍ଯ୍ୟାଦାଜନକ ଅନୁବାଦ ପୁରସ୍କାର ୨୦୨୪ ଘୋଷଣା କରାଯାଇଛି। ଓଡ଼ିଶାରୁ ବିଶିଷ୍ଟ ଅନୁବାଦକ ତଥା ସାହିତ୍ୟିକ ସୁଭାଷ ଶତପଥୀଙ୍କୁ ଏହି ପୁରସ୍କାର ମିଳିବା ନେଇ ଘୋଷଣା କରାଯାଇଛି। ଶୁକ୍ରବାର ସାହିତ୍ୟ ଏକାଡେମୀର ସଭାପତି ମାଧବ କୌଶିକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏକାଡେମୀ କାର୍ଯ୍ୟକାରୀ ସମିତି ବୈଠକରେ ଏହି ପୁରସ୍କାର ସମ୍ପର୍କରେ ନିଷ୍ପତ୍ତି ନିଆଯାଇଛି। ଅନୁବାଦକ ସୁଭାଷ ଶତପଥୀ 'କୋକିଶିଆଳିର ଏକକ ନୃତ୍ୟ' ଶୀର୍ଷକ ବିଶିଷ୍ଟ ଇଂରାଜୀ ଲେଖକ ରସ୍କିନ୍ ବଣ୍ଡଙ୍କ ଆତ୍ମଜୀବନୀ 'ଲୋନ୍ ଫକ୍ସ ଡ୍ୟାନ୍ସିଂ'ର ଅନୁବାଦ ପାଇଁ ଏହି ପୁରସ୍କାର ପାଇବେ। ଓଡ଼ିଆ ବିଭାଗର ସମୁଦାୟ ୧୦ଟି ଅନୁବାଦ ପୁସ୍ତକକୁ ଏହି ପୁରସ୍କାର ପାଇଁ 'ସର୍ଟଲିଷ୍ଟ' କରାଯାଇଥିଲା ବୋଲି ଜଣାପଡ଼ିଛି। ଓଡ଼ିଆ ବିଭାଗର ଏହି ପୁରସ୍କାର ନିର୍ଣ୍ଣୟ ପାଇଁ ସାହିତ୍ୟ ଅକାଡେମୀ ପକ୍ଷରୁ **(ପୃଷ୍ଠା ୭ରେ)**